# ତହସିଲଦାରଙ୍କ ଅଦାଲତ, ରେଙ୍ଗାଲି, ଜିଲ୍ଲା-ସମ୍ବଲପୁର

ଲିଜ (Lease) ମୋକଦ୍ଦମା ନଂ.   01/U/2026

## ସର୍ବସାଧାରଣ ଘୋଷଣା

ନୋଟିସ ନଂ. ୪୮୪  ତାରିଖ: ୦୬.୦୩.୨୦୨୬

ଏତଦ୍ ଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ ମୌଜା – ଲପଙ୍ଗା ଅନ୍ତର୍ଗତ ନିମ୍ନ ସୂଚୀତ ସରକାରୀ ଜମିକୁ ସାଧାରଣ ପରିଚାଳକ (ଭୂ-ଅର୍ଜନ), ତଲାବିରା ୨ ଓ ୩ ଓ.ସି.ପି., ଏନ.ଏଲ.ସି,, ଇଣ୍ଡିଆ ଲିମିଟେଡ଼ ତାର ନିଜର **Office Building & Township** କୁ ପ୍ରବେଶ ରାସ୍ତା ନିର୍ମାଣ ନିମନ୍ତେ ଲିଜ ପାଇଁ ଅତ୍ର କାର୍ଯ୍ୟାଳୟରେ ଦରଖାସ୍ତ ଦାଖଲ କରିଛନ୍ତି ଓ ତତ ଅନୁସାରେ ପଦକ୍ଷେପ ନିଆଯିବ ।

ଏଥିରେ ଯଦି କୌଣସି ବ୍ୟକ୍ତି ବିଶେଷଙ୍କର କିଛି ଆପତ୍ତି ଅଭିଯୋଗ ଥାଏ ତାହାହେଲେ ଏହି ନୋଟିସ ପ୍ରକାଶନର ୧୫ (ପନ୍ଦର)ଦିନ ଭିତରେ ନିମ୍ନ ସ୍ୱାକ୍ଷରକାରୀଙ୍କ କାର୍ଯ୍ୟାଳୟରେ ଲିଖିତ ଆକାରରେ ଟ. ୨୦/- କୋର୍ଟ ଫି ସହିତ ଅଭିଯୋଗ ଦେବାପାଇଁ ଅନୁରୋଧ କରାଯାଉଅଛି । ମିଆଦ ଗତେ କୌଣସି ଦାବୀ ବା ଅଭିଯୋଗ ଗ୍ରହଣୀୟ ହେବନାହିଁ ।

### ତଫସିଲ ଭୁକ୍ତ ଜମି

| ମୌଜା | ଖାତା ନମ୍ବର | ପ୍ଲଟ ନମ୍ବର | ପ୍ରସ୍ତାବିତ ରକବା | କିସମ |
|---|---|---|---|---|
| ଲପଙ୍ଗା | ୩୭୨ (ଆବାଦ ଯୋଗ୍ୟ ଅନାବାଦି ) | ୧୦୬୪ | ୪.୨୬ | ପତିତ |
| | | ୧୦୨୭ | ୦.୯୪ | ପତିତ |
| | | ୧୦୨୯ | ୦.୪୩ | ପତିତ |
| | | ୧୦୨୨ ରୁ | ୧.୭୨ | ପତିତ |
| | | ୧୧୨୫ ରୁ | ୨.୬୫ | ପତିତ |
| ମୋଟ | ୧ ଖାତା | ୫ ପ୍ଲଟ | ୧୦.୦୦ | |

ତହସିଲଦାର,ରେଙ୍ଗାଲି
ତହସିଲଦାର
ରେଙ୍ଗାଲି,ସମ୍ବଲପୁର

ଜ୍ଞାପକ ସଂଖ୍ୟା ୪୮୬ ତା: ୦୬.୦୩.୨୦୨୬

ଏହାର ଏକ କିତା ନକଲ ସମ୍ବଲପୁର ଉନ୍ନୟନ କର୍ତ୍ତୃପକ୍ଷ, ସମ୍ବଲପୁର/ ସଂପୃକ୍ତ ଗ୍ରାମର ମଧ୍ୟସ୍ଥଳିରେ ଜାରିକରିବା ପାଇଁ ରାଜସ୍ୱ ନିରୀକ୍ଷକ ଲପଙ୍ଗାଙ୍କ କାର୍ଯ୍ୟାଳୟ / ଗ୍ରାମ ପଞ୍ଚାୟତ ଲପଙ୍ଗା ଏବଂ ତହସିଲ କାର୍ଯ୍ୟାଳୟର ନୋଟିସ ବୋର୍ଡରେ ବହୁଳ ପ୍ରସାର ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ଇ-ଗଭର୍ଣ୍ଣନ୍ସ ପରିଚାଳକ, ସମ୍ବଲପୁରଙ୍କ ଅବଗତି ତଥା ବିହିତ କାର୍ଯ୍ୟାନୁଷ୍ଠାନ ଏବଂ ଏହାର ବହୁଳ ପ୍ରସାର ନିମନ୍ତେ ପ୍ରେରଣ କରାଗଲା । ଉପରୋକ୍ତ ସର୍ବସାଧାରଣ ଇସ୍ତାହାରକୁ ସମ୍ବଲପୁର ଜିଲ୍ଲା ୱେବସାଇଟରେ ପ୍ରକାଶନ କରିବା ନିମନ୍ତେ ଅନୁରୋଧ ।

ତହସିଲଦାର,ରେଙ୍ଗାଲି
ତହସିଲଦାର
ରେଙ୍ଗାଲି,ସମ୍ବଲପୁର